# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

### 3 July – 2026

*************************************

## ମୁଖ୍ୟ ସମ୍ବାଦ

- ଆଧୁନିକ ବୈଷୟିକ ଜ୍ଞାନକୌଶଳର ପ୍ରୟୋଗରେ ରାଜ୍ୟକୁ ଏକ ଗ୍ଲୋବାଲ ଗ୍ରୀନ୍ ହବ୍‌ରେ ପରିଣତ କରାଯିବ; କହିଲେ ମୁଖ୍ୟମନ୍ତ୍ରୀ
- କୃଷି ବିଭାଗ ପକ୍ଷରୁ ଚଳିତ ଆର୍ଥିକବର୍ଷ ପାଇଁ ଚାରୋଟି ନିଗମ ସହ ବୁଝାମଣା ପତ୍ର ସ୍ୱାକ୍ଷରିତ
- ଏସ୍‌ଆଇଆର ପ୍ରକ୍ରିୟାର ସୁପରିଚାଳନା ପାଇଁ ଓଡ଼ିଶାର ୧୦ଜଣ ବରିଷ୍ଠ ଆଇଏଏସ ଅଧିକାରୀ' ଭୋଟର ତାଲିକା ପର୍ଯ୍ୟବେକ୍ଷକ ନିଯୁକ୍ତ

ଏବଂ

- ବଙ୍ଗୋପସାଗରରେ ସୃଷ୍ଟ ଲଘୁଚାପ ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ଲାଗି ରହିଛି ବର୍ଷା

## ମୁଖ୍ୟମନ୍ତ୍ରୀ

ରାଜ୍ୟରେ ଶିଳ୍ପ ଅଭିବୃଦ୍ଧିର ପରବର୍ତ୍ତୀ ଅଧ୍ୟାୟ ପ୍ରଯୁକ୍ତିବିଦ୍ୟା, ନବସୃଜନ ଓ ସବୁଜ ଅର୍ଥନୀତି ଦ୍ୱାରା ପରିଚାଳିତ ହେବ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ଭୁବନେଶ୍ୱର ଲୋକସେବା ଭବନ ସମ୍ମିଳନୀ କକ୍ଷରେ ଆୟୋଜିତ କାର୍ଯ୍ୟକ୍ରମରେ ଜାପାନ ଶିଳ୍ପ ବ୍ୟବସାୟିକ ପ୍ରତିନିଧି ମଣ୍ଡଳଙ୍କ ସହିତ ଆଲୋଚନା କରି ମୁଖ୍ୟମନ୍ତ୍ରୀ କହିଛନ୍ତି, ଆଧୁନିକ ବୈଷୟିକ ଜ୍ଞାନକୌଶଳର ପ୍ରୟୋଗରେ ଓଡ଼ିଶାକୁ ଏକ ଗ୍ଲୋବାଲ ଗ୍ରୀନ୍ ହବ୍‌ରେ ପରିଣତ କରାଯିବ।

ଏହି ଅବସରରେ ଜାପାନର ଏସିଏମ୍‌ଇ ଓ ଆଇଏଚ୍‌ଆଇ କର୍ପୋରେସନର ମିଳିତ ସହଯୋଗରେ ପାରାଦ୍ୱୀପ ଓ ଗୋପାଳପୁରରେ ୩ଟି ପ୍ରକଳ୍ପ ସ୍ଥାପନ ପାଇଁ ସରକାର ୬୭ ହଜାର କୋଟି ଟଙ୍କାର ବୁଝାମଣାପତ୍ର ସ୍ୱାକ୍ଷରିତ କରିଛନ୍ତି। ଏହି ଦୁଇଟି କମ୍ପାନୀ ରାଜ୍ୟରେ ସ୍ୱଚ୍ଛ ଶକ୍ତି ଓ ଅନ୍ୟାନ୍ୟ ଶିଳ୍ପ ପ୍ରକଳ୍ପରେ ବ୍ୟାପକ ନିବେଶ କରିବେ। ଯାହାଦ୍ୱାରା ପରିବେଶ ଅନୁକୂଳ ଦୀର୍ଘସ୍ଥାୟୀ ଶିଳ୍ପାୟନ ଓ ବ୍ୟାପକ ନିଯୁକ୍ତି ସୁଯୋଗ ସୃଷ୍ଟି ହେବ ବୋଲି ଶ୍ରୀ ମାଝୀ କହିଛନ୍ତି। ରାଜ୍ୟରେ ବର୍ତ୍ତମାନସୁଦ୍ଧା ୧୨ଟି ପ୍ରମୁଖ ଗ୍ରୀନ୍ ହାଇଡ୍ରୋଜେନ୍ ଓ ଆମୋନିଆ ପ୍ରକଳ୍ପକୁ ମଞ୍ଜୁରୀ ମିଳିଛି।

ଏହାଦ୍ୱାରା ରାଜ୍ୟକୁ ୨ ଲକ୍ଷ କୋଟିରୁ ଊର୍ଦ୍ଧ୍ୱ ଟଙ୍କାର ପୁଞ୍ଜିନିବେଶ ଆସିବା ସହ ୩୬ ହଜାରରୁ ଅଧିକ ନିଯୁକ୍ତି ସୁଯୋଗ ସୃଷ୍ଟି ହେବ। ପାରାଦ୍ୱୀପ, କେନ୍ଦ୍ରାପଡା

ଓ ଗୋପାଳପୁରକୁ ନେଇ ଦୁଇଟି ସବୁଜ ଶିଳ୍ପ କରିଡର ବିକାଶ କରାଯାଉଛି। ଯାହା ଭାରତର ଇସ୍ପାତ୍ ରାଜଧାନୀ ଓଡ଼ିଶାକୁ ଗ୍ରୀନ୍ ଷ୍ଟିଲ ଉତ୍ପାଦନରେ ବିଶ୍ୱସ୍ତରୀୟ ଅଗ୍ରଣୀ କରାଇବ ବୋଲି ମୁଖ୍ୟମନ୍ତ୍ରୀ ଆଶା ବ୍ୟକ୍ତ କରିଛନ୍ତି।

## ଚୁକ୍ତି ସ୍ୱାକ୍ଷର

କୃଷି ଓ କୃଷକ ସଶକ୍ତୀକରଣ ବିଭାଗ ପକ୍ଷରୁ ୨୦୨୬-୨୭ ଆର୍ଥିକବର୍ଷ ପାଇଁ ଓଡ଼ିଶା କୃଷି ଶିଳ୍ପ ନିଗମ-ଓଏଆଇସି, ଓଡ଼ିଶା କୃଷି ପ୍ରୋତ୍ସାହନ ଏବଂ ପୁଞ୍ଜିନିବେଶ ନିଗମ-ଆପିକଲ, ଓଡ଼ିଶା ରାଜ୍ୟ ବିହନ ନିଗମ ଓ ଓଡ଼ିଶା ରାଜ୍ୟ କାଜୁ ଉନ୍ନୟନ ନିଗମ ସହିତ ବୁଝାମଣା ପତ୍ର ସ୍ୱାକ୍ଷରିତ ହୋଇଛି। କାର୍ଯ୍ୟକ୍ରମରେ ଉପମୁଖ୍ୟମନ୍ତ୍ରୀ ତଥା କୃଷି ମନ୍ତ୍ରୀ କନକବର୍ଦ୍ଧନ ସିଂହଦେଓ ଯୋଗଦେଇ କହିଛନ୍ତି, ରାଜ୍ୟରେ କୃଷି ଓ କୃଷକଙ୍କ ଉନ୍ନତି ଦିଗରେ ନିଗମଗୁଡ଼ିକୁ ବିଭାଗ ସହ ସମନ୍ୱୟ ରକ୍ଷା କରି କାର୍ଯ୍ୟ କରିବାକୁ ପଡିବ। ସମସ୍ତ ନିଗମକୁ ଆଧୁନିକ ବୈଷୟିକ ଜ୍ଞାନକୌଶଳର ବ୍ୟବହାର କରିବାକୁ ଉପମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଛନ୍ତି। ଚଳିତବର୍ଷ ଓଏଆଇସି ପକ୍ଷରୁ ୫୪ ହଜାର ଟନ୍ ସାର, ୮ ହଜାର ୪୦୦ ଟ୍ରାକ୍ଟର ଏବଂ ୧ ହଜାର ୨୦୦ ପାୱାରଟିଲର ଏବଂ ଅନ୍ୟାନ୍ୟ କୃଷି ଯନ୍ତ୍ରପାତି କ୍ରୟ ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଛି। ସେହିଭଳି ଆପିକଲ ପକ୍ଷରୁ ୩୩୦ କୋଟି ପୁଞ୍ଜି ବିନିଯୋଗରେ ୧ ହଜାର ୬୫୯ଟି ବାଣିଜ୍ୟିକ ପ୍ରତିଷ୍ଠାନ ସ୍ଥାପନ ପାଇଁ ଲକ୍ଷ୍ୟ ରଖାଯାଇଛି। ଚୁକ୍ତିନାମା ଅଧୀନରେ ଅଧିକ ଅମଳକ୍ଷମ ଓ ଜଳବାୟୁ ସହନଶୀଳ ବିହନ କିସମର ପ୍ରଚଳନ କରାଯିବ। ନିଗମକୁ ସ୍ୱଳ୍ପ ଅବଧି ବିଶିଷ୍ଟ ଫସଲ ଉପରେ ଅଧିକ ଗୁରୁତ୍ୱ ଦେବାକୁ ଉପମୁଖ୍ୟମନ୍ତ୍ରୀ ଶ୍ରୀ ସିଂହଦେଓ ପରାମର୍ଶ ଦେଇଛନ୍ତି।

**ପ୍ରଭାତୀ ପରିଡ଼ା**

ଭୁବନେଶ୍ୱର ମିଶନଶକ୍ତି ଭବନଠାରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା ରାଜ୍ୟସ୍ତରୀୟ ଦକ୍ଷତା ବିକାଶ ତାଲିମ କାର୍ଯ୍ୟକ୍ରମର ତୃତୀୟ ପର୍ଯ୍ୟାୟକୁ ଶୁଭାରମ୍ଭ କରିଛନ୍ତି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଲକ୍ଷପତି ଦିଦି ଅଭିଯାନ ଓ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ନେତୃତ୍ୱରେ ରାଜ୍ୟ ସରକାର ମହିଳାଙ୍କ ଆର୍ଥିକ ସଶକ୍ତୀକରଣକୁ ସର୍ବୋଚ୍ଚ ପ୍ରାଥମିକତା ଦେଉଛନ୍ତି ବୋଲି ଉପମୁଖ୍ୟମନ୍ତ୍ରୀ କହିଛନ୍ତି। ସ୍ୱୟଂ ସହାୟକ ଗୋଷ୍ଠୀର ପ୍ରତ୍ୟେକ ସଦସ୍ୟଙ୍କୁ ସ୍ୱାବଲମ୍ବୀ କରିବା ସହିତ ଅଧିକରୁ ଅଧିକ ଲକ୍ଷପତି ଦିଦି ସୃଷ୍ଟି କରିବା ଦିଗରେ ସରକାର ବିଭିନ୍ନ ପଦକ୍ଷେପ ଗ୍ରହଣ କରୁଛନ୍ତି।

ସ୍ୱୟଂ ସହାୟକ ଗୋଷ୍ଠିଗୁଡ଼ିକୁ ଆହୁରି ସଶକ୍ତ କରାଯାଇ ମହିଳା ସଶକ୍ତିକରଣ ଅଭିଯାନକୁ ନୂତନ ଦିଗ ପ୍ରଦାନ କରାଯିବ ବୋଲି ଶ୍ରୀମତୀ ପରିଡା କହିଛନ୍ତି। କମ୍ୟୁନିଟି ସପୋର୍ଟ ଷ୍ଟାଫ୍‌ଙ୍କ ଦକ୍ଷତା, ନେତୃତ୍ୱ ଓ କ୍ଷେତ୍ର ସ୍ତରରେ ନିଷ୍ଠାପର କାର୍ଯ୍ୟ ରାଜ୍ୟରେ ସଫଳ ମହିଳା ଉଦ୍ୟୋଗୀ ସୃଷ୍ଟି କରିବାରେ ସହାୟକ ହେବ।

ଚଳିତ ମାସରୁ ଆସନ୍ତା ସେପ୍ଟେମ୍ବର ମାସ ପର୍ଯ୍ୟନ୍ତ ପର୍ଯ୍ୟାୟକ୍ରମେ ଆୟୋଜିତ ହେବାକୁ ଥିବା ଏହି ତାଲିମ କାର୍ଯ୍ୟକ୍ରମରେ ରାଜ୍ୟର ୩୦ଟି ଜିଲ୍ଲାର ପ୍ରାୟ ୪ ହଜାର ୫୦୦ କମ୍ୟୁନିଟି ସପୋର୍ଟ ଷ୍ଟାଫ ଅଂଶଗ୍ରହଣ କରିବେ।

ତାଲିମ୍ କାର୍ଯ୍ୟକ୍ରମରେ ଗୋଷ୍ଠୀଭିତ୍ତିକ ଅନୁଷ୍ଠାନର ସଶକ୍ତୀକରଣ, ଜୀବିକା ବିକାଶ, ଡିଜିଟାଲ ସଶକ୍ତୀକରଣ ଆଦି ବିଭିନ୍ନ ବିଷୟରେ ପ୍ରଶିକ୍ଷଣ ପ୍ରଦାନ କରାଯିବ।

## ଏସ୍ଆଇଆର

ରାଜ୍ୟରେ ଭୋଟର ତାଲିକାର ସ୍ୱତନ୍ତ୍ର ସଘନ ସଂଶୋଧନ-ଏସ୍ଆଇଆର ପ୍ରକ୍ରିୟାକୁ ସୁଚାରରୂପେ ପରିଚାଳନା କରିବା ପାଇଁ ଭାରତୀୟ ନିର୍ବାଚନ କମିଶନଙ୍କ ଦ୍ୱାରା ଓଡ଼ିଶାର ୧୦ ଜଣ ବରିଷ୍ଠ ଆଇଏଏସ୍ ଅଧିକାରୀଙ୍କୁ ଭୋଟର ତାଲିକା ପର୍ଯ୍ୟବେକ୍ଷକ ଭାବେ ନିଯୁକ୍ତ କରାଯାଇଛି। ଅତିରିକ୍ତ ମୁଖ୍ୟ ନିର୍ବାଚନ ଅଧିକାରୀ ତଥା ସ୍ୱତନ୍ତ୍ର ସଚିବ ସୁଶାନ୍ତ କୁମାର ମିଶ୍ରଙ୍କ ପକ୍ଷରୁ ମିଳିଥିବା ସୂଚନା ଅନୁଯାୟୀ, ଏହି ଅଧିକାରୀମାନଙ୍କୁ ବିଭିନ୍ନ ଜିଲ୍ଲାରେ ଦାୟିତ୍ୱ ପ୍ରଦାନ କରାଯାଇଛି। ସମସ୍ତ ପର୍ଯ୍ୟବେକ୍ଷକ ଭୋଟର ତାଲିକା ସଂଶୋଧନ ଅବଧି ମଧ୍ୟରେ ନିଜ ନିଜ ଜିଲ୍ଲାକୁ ଅତି କମ୍‌ରେ ୩ ଥର ଗସ୍ତ କରି ସ୍ଥିତି ସମୀକ୍ଷା କରିବେ। କ୍ଷେତ୍ର ପରିଦର୍ଶନ ଓ ସମୀକ୍ଷା ପରେ ସମସ୍ତ ପର୍ଯ୍ୟବେକ୍ଷକ ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କୁ ବିସ୍ତୃତ ରିପୋର୍ଟ ପଠାଇବେ। ସେହିଭଳି ସ୍ୱତନ୍ତ୍ର ସଘନ ସଂଶୋଧନ ପ୍ରକ୍ରିୟାର ପରିଗଣନା ଫର୍ମ ବଣ୍ଟନ ଓ ସଂଗ୍ରହ କାର୍ଯ୍ୟ ସମାପ୍ତି ପରେ ଚିଠା ଭୋଟର ତାଲିକା ଆସନ୍ତା ରବିବାରଠାରୁ ଆରମ୍ଭ ହୋଇ ଅଗଷ୍ଟ ମାସ ୪ ତାରିଖ ମଧ୍ୟରେ ଅଭିଯୋଗ ଦାଖଲ କରାଯାଇପାରିବ। ଚିଠା ଭୋଟର ତାଲିକାରେ କୌଣସି ତ୍ରୁଟି ପରିଲକ୍ଷିତ ହେଲେ ଫର୍ମ-୬ ମାଧ୍ୟମରେ ନୂତନ ନାମ ସଂଯୋଗ, ଫର୍ମ ୭ ଦ୍ୱାରା ଭୋଟର ତାଲିକାରୁ ନାମ ବାଦ୍ ଓ ଫର୍ମ-୮ ମାଧ୍ୟମରେ ଯେକୌଣସି ପ୍ରକାରର ସଂଶୋଧନ କରାଯାଇପାରିବ।

## ଲାଭାଂଶ ପ୍ରଦାନ

ରାଜ୍ୟ ସରକାରୀ ଉଦ୍ୟୋଗ, ଓଡ଼ିଶା ରାଜ୍ୟ ଆରକ୍ଷୀ ଗୃହନିର୍ମାଣ ଏବଂ କଲ୍ୟାଣ ନିଗମ-ଓପିଏଚ୍‌ଡବ୍ଲ୍ୟୁସି ପକ୍ଷରୁ ରାଜ୍ୟ ସରକାରଙ୍କୁ ୨୦୨୪-୨୫ ଆର୍ଥିକବର୍ଷ ପାଇଁ ୨୧ କୋଟି ୨୮ ଲକ୍ଷ ଟଙ୍କାର ଲାଭାଂଶ ପ୍ରଦାନ କରାଯାଇଛି। ମୁଖ୍ୟ ଶାସନ ସଚିବଙ୍କ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ରାଜ୍ୟ ଆରକ୍ଷୀ ଗୃହନିର୍ମାଣ ଏବଂ କଲ୍ୟାଣ ନିଗମର ଅଧ୍ୟକ୍ଷ ତଥା ପରିଚାଳନା ନିର୍ଦ୍ଦେଶକ ସୌମେନ୍ଦ୍ର କୁମାର ପ୍ରିୟଦର୍ଶୀ' ମୁଖ୍ୟ ଶାସନ ସଚିବ ଅନୁ ଗର୍ଗଙ୍କୁ ଲାଭାଂଶର ଚେକ୍ ପ୍ରଦାନ କରିଛନ୍ତି।

## ବନ ମହୋତ୍ସବ

**ରାୟଗଡ଼ା** ବନଖଣ୍ଡ ଅନ୍ତର୍ଗତ ଆଡୁଗୁଡ଼ା ଗ୍ରାମ ନିକଟ ସହରାଞ୍ଚଳ ବନୀକରଣ ପରିସରରେ ୭୬ତମ ବନ ମହୋତ୍ସବ ସପ୍ତାହ ପାଳିତ ହୋଇଯାଇଛି। କାର୍ଯ୍ୟକ୍ରମରେ ରାୟଗଡ଼ା ବିଧାୟକ  ଯୋଗଦେଇ 'ଏକ୍ ପେଡ୍ ମା' କେ ନାମ' କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ।

**ନୟାଗଡ଼** ଜିଲ୍ଲା ପରିଷଦ କାର୍ଯ୍ୟାଳୟ ପରିସରରେ 'ଏକ୍ ପେଡ୍ ମା' କେ ନାମ୍' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସାଂସଦ ଭର୍ତ୍ତୃହରୀ ମହତାବ, ଡକ୍ଟର ସମ୍ବିତ୍ ପାତ୍ର ଓ ସୁକାନ୍ତ କୁମାର ପାଣିଗ୍ରାହୀ କାର୍ଯ୍ୟକ୍ରମରେ ଯୋଗଦେଇ ଚାରା ରୋପଣ କରିଥିଲେ।

## ଧାନ କ୍ରୟ ପଞ୍ଜୀକରଣ

**ନବରଙ୍ଗପୁର** ଜିଲ୍ଲାରେ ରାସାୟନିକ ସାର କ୍ରୟଠାରୁ ଆରମ୍ଭ କରି ମଣ୍ଡିରେ ଧାନ ବିକ୍ରି ଏବଂ ସରକାରଙ୍କ ବିଭିନ୍ନ ଯୋଜନା ନିମନ୍ତେ ଜିଲ୍ଲା ପ୍ରଶାସନ ପଞ୍ଜୀକରଣକୁ ବାଧ୍ୟତାମୂଳକ କରିଛନ୍ତି। ଜିଲ୍ଲାରେ ଚାଷୀ ପଞ୍ଜୀକରଣ ମାତ୍ର

୪୮ ପ୍ରତିଶତ ହୋଇଥିବା ସୂଚନା ମିଳିଛି । ଚାଷୀମାନଙ୍କ ସମ୍ପୂର୍ଣ୍ଣ ତଥ୍ୟକୁ ଡିଜିଟାଇଜେସନ କରି ଆସନ୍ତାବର୍ଷଠାରୁ ପ୍ରକୃତ ଚାଷୀମାନଙ୍କୁ ସରକାରୀ ଯୋଜନାରେ ଅନ୍ତର୍ଭୁକ୍ତ କରାଯିବ ବୋଲି ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ କହିଛନ୍ତି । ପଞ୍ଜୀକରଣ ଲାଗି ଚାଷୀଙ୍କ ଜମି ପଟ୍ଟା ଓ ଆଧାର କାର୍ଡ ପ୍ରଦାନ କରିବାକୁ ପଡିବ ବୋଲି କୃଷି ଅଧିକାରୀ ସୂଚନା ଦେଇଛନ୍ତି ।

## ଦିଶା ବୈଠକ

**ନୟାଗଡ଼** ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ କଟକର ସାଂସଦ ତଥା ଜିଲ୍ଲା ଦିଶା କମିଟିର ଅଧ୍ୟକ୍ଷ ଡକ୍ଟର ଭର୍ତ୍ତୃହରି ମହତାବଙ୍କ ଅଧ୍ୟକ୍ଷତାରେ ଜିଲ୍ଲା ଉନ୍ନୟନ ସମନ୍ୱୟ ଏବଂ ପର୍ଯ୍ୟାଲୋଚନା କମିଟି (ଦିଶା) ବୈଠକ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାର ସାମଗ୍ରିକ ବିକାଶ ପାଇଁ କେନ୍ଦ୍ର ସରକାରଙ୍କ ବିଭିନ୍ନ ଉନ୍ନୟନ ପ୍ରକଳ୍ପ ସହାୟତାରେ ରାଜ୍ୟରେ କାର୍ଯ୍ୟକାରୀ ହେଉଥିବା ବିଭିନ୍ନ ଜନକଲ୍ୟାଣକାରୀ କାର୍ଯ୍ୟକ୍ରମର ସଫଳ ରୂପାୟନ ଓ କାର୍ଯ୍ୟାନ୍ୱୟନ ପାଇଁ ଶ୍ରୀ ମହତାବ' ଲୋକ ପ୍ରତିନିଧି ଏବଂ ବିଭାଗୀୟ ଅଧିକାରୀମାନଙ୍କୁ ପରାମର୍ଶ ଦେଇଥିଲେ ।  ବୈଠକରେ କେନ୍ଦ୍ର ସରକାରଙ୍କ ବିଭିନ୍ନ ଯୋଜନା ପ୍ରଧାନମନ୍ତ୍ରୀ ଆବାସ ଯୋଜନା, ପ୍ରଧାନମନ୍ତ୍ରୀ ମାତୃବନ୍ଦନା ଯୋଜନା, କିଷାନନିଧି ଯୋଜନା ଆଦିର ଅଗ୍ରଗତି ନେଇ ସମୀକ୍ଷା କରାଯାଇଥିଲା ।

## ଧାନ ଉଠାଣ

**ନୂଆପଡ଼ା** ଜିଲ୍ଲାରେ ବିଭିନ୍ନ ମଣ୍ଡିରୁ ଧାନ ଉଠାଣ ନେଇ ଶେଷ ତାରିଖ ଧାର୍ଯ୍ୟ କରାଯାଇଛି । କେତେକ ମଣ୍ଡିରେ ଚାଷୀମାନେ ଧାନ ଉଠାଣ ସମସ୍ୟାର ସମ୍ମୁଖୀନ ହେଉଥିବା ଦୃଷ୍ଟିରେ ରଖି ପ୍ରଶାସନ ପକ୍ଷରୁ ପଦକ୍ଷେପ ଗ୍ରହଣ କରାଯାଇଛି । ଖଡିଆଳ ମଣ୍ଡିରେ ୨୨୦ ଜଣ ଚାଷୀଙ୍କ ପ୍ରାୟ ୫୦ ହଜାର

ବସ୍ତାରୁ ଊର୍ଦ୍ଧ୍ୱ ଧାନ ପଡି ରହିଥିବା ପ୍ରାଥମିକ କୃଷି ସମବାୟ ସମିତି ପକ୍ଷରୁ ସୂଚନା ଦିଆଯାଇଛି ।

## ବାଲ୍ୟବିବାହ ମୁକ୍ତ

**ରାୟଗଡ଼ା**ଠାରେ 'ବାଲ୍ୟବିବାହ ମୁକ୍ତ' ରାୟଗଡ଼ା ଜିଲ୍ଲା ଗଠନ ଉଦ୍ଦେଶ୍ୟରେ ଏକ ଅଭିମୁଖୀକରଣ କାର୍ଯ୍ୟକ୍ରମ ଅତିରିକ୍ତ ଜିଲ୍ଲାପାଳଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ବିଭାଗୀୟ ଅଧିକାରୀମାନେ ଯୋଗଦେଇ ଜିଲ୍ଲାକୁ ବାଲ୍ୟବିବାହମୁକ୍ତ କରିବା ପାଇଁ ଜିଲ୍ଲା ପ୍ରଶାସନ ଓ ୟୁନିସେଫ୍‌ର ମିଳିତ ଉଦ୍ୟମରେ ରୋଡ୍‌ମ୍ୟାପ୍ ପ୍ରସ୍ତୁତ କରିଥିଲେ।

## ପାଣିପାଗ

ଉତ୍ତର-ପଶ୍ଚିମ ବଙ୍ଗୋପସାଗର ଓ ସଂଲଗ୍ନ ଉତ୍ତର ଓଡ଼ିଶା ଉପକୂଳରେ ସ୍ପଷ୍ଟ ଲଘୁଚାପ କ୍ଷେତ୍ର ଅଧିକ ଘନୀଭୂତ ହେବାରେ ଲାଗିଛି। ଲଘୁଚାପର ପ୍ରଭାବରେ ଦକ୍ଷିଣ-ପଶ୍ଚିମ ମୌସୁମୀ ବାୟୁ ଆହୁରି ସକ୍ରିୟ ହେବା ଫଳରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଲାଗିରହିଛି । ଆସନ୍ତା ୧୦ ତାରିଖ ପର୍ଯ୍ୟନ୍ତ ବିଭିନ୍ନ ସ୍ଥାନରେ ବର୍ଷା ଲାଗି ରହିବ ବୋଲି ଭୁବନେଶ୍ୱର ଆଂଚଳିକ ବିଜ୍ଞାନ କେନ୍ଦ୍ର ପକ୍ଷରୁ ସୂଚନା ଦିଆଯାଇଛି। ଗତ ୨୪ ଘଣ୍ଟା ମଧ୍ୟରେ ବରଗଡ଼ ଜିଲ୍ଲାର ଅମ୍ବାଭନାଠାରେ ସର୍ବାଧିକ ୩୧୭ ମିଲିମିଟର ବର୍ଷା ରେକର୍ଡ କରାଯାଇଛି।

ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବିଜୁଳି ଓ ଘଡ଼ଘଡ଼ି ସହ ପ୍ରବଳରୁ ଅତିପ୍ରବଳ ବର୍ଷା ହେବା ନେଇ କଳାହାଣ୍ଡି, ରାୟଗଡ଼ା, ମାଲକାନଗିରି ଓ କୋରାପୁଟ ଜିଲ୍ଲାକୁ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ସତର୍କ ସୂଚନା ଜାରି କରାଯାଇଛି।

ସେହିପରି ଆସନ୍ତା ଦୁଇ ଦିନ ମଧ୍ୟରେ ସମ୍ବଲପୁର, ସୋନପୁର, ଅନୁଗୁଳ, ବୌଦ୍ଧ, କନ୍ଧମାଳ, କେନ୍ଦୁଝର, ଢେଙ୍କାନାଳ, କଟକ, ନୟାଗଡ଼, ଗଞ୍ଜାମ, ଗଜପତି, ରାୟଗଡ଼ା ଏବଂ କଳାହାଣ୍ଡିରେ ପ୍ରବଳ ବର୍ଷା ନେଇ ସତର୍କ ସୂଚନା ଜାରି କରାଯାଇଛି। ଆସନ୍ତା ୫ ଦିନ ପର୍ଯ୍ୟନ୍ତ ସମୁଦ୍ର ଅଶାନ୍ତ ରହିବା କାରଣରୁ ମତ୍ସ୍ୟଜୀବୀଙ୍କୁ ସମୁଦ୍ର ମଧ୍ୟକୁ ଯିବାକୁ ବାରଣ କରାଯାଇଛି। ବର୍ଷା ସମ୍ପର୍କରେ ପାଣିପାଗ କେନ୍ଦ୍ର ନିର୍ଦ୍ଦେଶକ ଡକ୍ଟର ମନୋରମା ମହାନ୍ତି କହିଛନ୍ତି....- **V/O –**

## ବ୍ୟାଡ୍‌ମିଣ୍ଟନ

ତୁର୍କୀର ମର୍ସିନ୍ ସହରରେ ୧୮ ତାରିଖରୁ ଆୟୋଜିତ ଓ୍ୱାର୍ଲ୍ଡ ଆବିଲିଟି ସ୍ପୋର୍ଟ ୟୁଥ୍ ଗେମ୍ସ୍-୨୦୨୬ରେ **କଳାହାଣ୍ଡି**ର ବ୍ୟାଡମିଣ୍ଟନ୍ ଖେଳାଳୀ ଆକାଶ ରଞ୍ଜନ ମୁଣ୍ଡ ୨ଟି ସ୍ୱର୍ଣ୍ଣ ଓ ଗୋଟିଏ ରୌପ୍ୟ ପଦକ ହାସଲ କରି ଅନ୍ତର୍ଜାତୀୟ ସ୍ତରରେ ଗୌରବ ଆଣିଦେଇଛନ୍ତି। ଏହି ସଫଳତା ପାଇଁ ତାଙ୍କୁ ଜିଲ୍ଲା ପ୍ରଶାସନ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଛି।